# ଜନ୍ମ ଶତବାର୍ଷିକୀ ଆଲୋଚନାଚକ୍ର ସରିଲା



## କବିସନ୍ଧିରେ ଶତ୍ରୁଘ୍ନ ପାଣ୍ଡବ ଯୋଗଦେଲେ

■ ଭୁବନେଶ୍ୱର, ତା୨୯।୧୧ (ପିଏନଏସ)

କେନ୍ଦ୍ର ସାହିତ୍ୟ ଅକାଦେମୀ ଆୟୋଜିତ ଗୁରୁପ୍ରସାଦ ମହାନ୍ତି ଜନ୍ମ ଶତବାର୍ଷିକୀ ଆଲୋଚନାଚକ୍ର ଶୁକ୍ରବାର ସରିଛି । ସ୍ଥାନୀୟ ବୁଦ୍ଧମନ୍ଦିର ସଭାଗୃହରେ ଆୟୋଜିତ ଆଲୋଚନାଚକ୍ରର ଦ୍ୱିତୀୟ ଦିବସର ପ୍ରଥମ ଅଧିବେଶନରେ ସଭାମୁଖ୍ୟ ଭାବେ ପ୍ରଫେସର ଯତୀନ୍ଦ୍ର କୁମାର ନାୟକ ଯୋଗଦେଇ ନିଜର ଗୁରୁପ୍ରସାଦଙ୍କ ଅଧ୍ୟାପନା କାଳର କଥା କହିବାସହ ତାଙ୍କ କବିତାର ବୈଶିଷ୍ଟ୍ୟ ଏବଂ ଆନ୍ତର୍ଜାତିକ କବିତା ସମ୍ପର୍କରେ ଆଲୋକପାତ କରିଥିଲେ । ଅଧିବେଶନରେ ପ୍ରବନ୍ଧ ଉପସ୍ଥାପନ ପୂର୍ବକ ଗୁରୁପ୍ରସାଦଙ୍କ କବିତାର ନୂତନତା ବିଷୟରେ ଅଜୟ ସ୍ୱାଇଁ ବର୍ଣ୍ଣନା କରିଥିଲେ । ଓଡ଼ିଆ ଉପଦେଷ୍ଟା ମଣ୍ଡଳୀର ସଦସ୍ୟ ପବିତ୍ର ମୋହନ କର ଅତିଥିମାନଙ୍କୁ ସ୍ୱାଗତ କରିଥିଲେ । ଉଦଯାପନୀ ସନ୍ଧ୍ୟାରେ ମୁଖ୍ୟଅତିଥି ଭାବେ ବିଶିଷ୍ଟ କବି ଦେବଦାସ ଛୋଟରାୟ

ରହିଥିବା ତାଙ୍କ ପତ୍ନୀ ଆଶାମଞ୍ଜରୀ ଦେବୀଙ୍କ ପ୍ରେରଣା ଓ ଉଭୟଙ୍କ ମଧ୍ୟରେ ଚିଠି ଦିଆନିଆ ସମ୍ପର୍କରେ ସେ କହିଥିଲେ । ଗୁରୁପ୍ରସାଦ ମହାନ୍ତିଙ୍କ କବିତାରେ ନାରୀଚେତନା ଶୀର୍ଷକରେ ପ୍ରବନ୍ଧ ଉପସ୍ଥାପନ କରିଥିଲେ ବିଶିଷ୍ଟ କବି ଅପର୍ଣ୍ଣା ମହାନ୍ତି । ଏହାପରେ ଅନୁଷ୍ଠିତ କବିସନ୍ଧି କାର୍ଯ୍ୟକ୍ରମରେ ଯୋଗଦେଇ ନିଜ ସାରସ୍ୱତ ଯାତ୍ରା ସମ୍ପର୍କରେ ବିଶିଷ୍ଟ କବି ଶତ୍ରୁଘ୍ନ ପାଣ୍ଡବ ଅଭିବ୍ୟକ୍ତି ପ୍ରଦାନ କରିଥିଲେ । ଏହି କାର୍ଯ୍ୟକ୍ରମରେ ସାହିତ୍ୟ ଅକାଦେମୀ ଓଡ଼ିଆ ଉପଦେଷ୍ଟା ମଣ୍ଡଳୀର ଆବାହକ ଗୌରହରି ଦାସ ସଭାପତିତ୍ୱ କରିଥିଲେ ଉତ୍କଳ ସଂସ୍କୃତି ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ପ୍ରସନ୍ନ କୁମାର ସ୍ୱାଇଁ ସଭାପତିତ୍ୱ କରିଥିବାବେଳେ ସାହିତ୍ୟ ଅକାଦେମୀର କୋଲକାତା ଆଞ୍ଚଳିକ କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ ଧନ୍ୟବାଦ ଦେଇଥିଲେ ।